Gramin Krishi Mausam Sewa
India Meteorological Department
Odisha University of Agriculture and Technology
Bhubaneswar -751 003

Dr.T.R Mohanty
Nodal Officer

**ସପ୍ତାହ –୦୧**

ନ.- ୨୫ (ଓଡିଆ ବୁଲେଟିନ)
ତାରିଖ- ୦୫.୦୧.୨୦୨୪

**(ସୌଜନ୍ୟ – ଓୟୁଏଟି ସ୍ଥିତ କୃଷି ପାଣିପାଗ ଉପ ବିଭାଗ ଓ ଓଡ଼ିଶା ସରକାରଙ୍କ କୃଷି ନିର୍ଦ୍ଦେଶାଳୟ, ପ୍ରାଣୀପାଳନ ଓ ପ୍ରାଣୀ ଚିକିତ୍ସା ନିର୍ଦ୍ଦେଶାଳୟ ଓ ମତ୍ସ୍ୟ ନିର୍ଦ୍ଦେଶାଳୟ)**

## ବିଶେଷ ସୂଚନା

- ବର୍ତମାନ ତାପମାତ୍ରା କମ ରହୁଥିବା ରୁ ପନିପରିବା ଫସଲ ରେ ହାଲକା ଜଳ ସେଚନ କରନ୍ତୁ ।
- ଧାନ ତଳିଘେରା ପ୍ରସ୍ତୁତ କରନ୍ତୁ ଓ ବିହନ ବିଶୋଧନ କରିବା ପାଇଁ ପ୍ରତି କିଲୋଗ୍ରାମ ଧାନ ବିହନ ରେ ୨ ଗ୍ରାମ Carbendazim କିମ୍ବା ୩ ଗ୍ରାମ Carboxin ଏବଂ Thiram ର ମିଳିତ ଫିମ୍ପିନାଶକ ମିଶାଇ ବିଶୋଧନ କରନ୍ତୁ ।
- ଗଜା ଧାନ କୁ କାଦୁଅ ଜମିରେ ଡ୍ରମସିଡର କିମ୍ବା ଛଟା ବୁଣା କରି ଦିଅନ୍ତୁ ।
- ତଳି ଭଲ ବଢିବା ଏବଂ ଚେର ମାଟି କୁ ଧରିବା ପାଇଁ ଜମିରେ ପତଳା ପାଣି ସ୍ତର ରଖନ୍ତୁ ।
- ଧାନ ତଳି ଉପାଡିବା ୨ ରୁ ୩ ଦିନ ପୂର୍ବ ରୁ ୨-୩ ସେମି ଠିଆ ପାଣି ରଖନ୍ତୁ ।
- ସୂର୍ଯ୍ୟମୁଖୀ ଫସଲ ବର୍ତମାନ ୨୫-୩୦ ଦିନ ଅବଧିରେ ଅଛି। କୋଡାଖୋସା କରି ଘାସ ବାଛି ଯବକ୍ଷାରଜାନ ଯୁକ୍ତ ସାର କୁ ପ୍ରୟୋଗ କରନ୍ତୁ।
- ମହୁମାଛି କୁ ସୁରକ୍ଷା ଦେବା ପାଇଁ ଅପରାହ୍ନ ୩ ଟା ପରେ କୀଟନାଶକ ସିଞ୍ଚନ କରିବା ଉପଯୁକ୍ତ ସମୟ ।
- ବର୍ତମାନ ଲାଗିଥିବା କୋବି ଜାତୀୟ ପନିପରିବା କୁ ଥଣ୍ଡା ଦାଉରୁ ରକ୍ଷା କରିବା ପାଇଁ କାଗଜ ଠୁଙ୍ଗା ଦ୍ଵାରା ଘୋଡାଇ ରଖନ୍ତୁ ।
- କୁକୁଡା ରଖିବା ଘରେ ଉତ୍ତାପ ବଜାୟ ରଖିବା ପାଇଁ ରୁମ ହିଟର କିମ୍ବା ୨୦୦ ୱାଟ ବଲ୍ ଲଗାନ୍ତୁ ।

### ଡାଲୁଅ ଧାନ:

 କାଦୁଅ ବୁଣା ଧାନ-

ଯେଉଁ ଚାଷୀ ଭାଇ ମାନେ କାଦୁଅ ବୁଣା ଧାନ କରିବାକୁ ଯାଉଛନ୍ତି ମୂଳ ସାର ହିସାବ ରେ ଶେଷ କାଦୁଅ କରିବା ସମୟ ରେ ଏକର ପ୍ରତି ୩୫ କିଲୋଗ୍ରାମ ଡିଏପି, ୩୦ କିଲୋଗ୍ରାମ ମ୍ୟୁରେଟ ଅଫ ପଟାସ ସାର ପ୍ରୟୋଗ କରନ୍ତୁ। ବାଲିଆ ଜମି ହୋଇଥିଲେ ଏକର ପ୍ରତି ୩୫ କିଲୋଗ୍ରାମ ଡିଏପି,୧୫ କିଲୋଗ୍ରାମ ମ୍ୟୁରେଟ ଅଫ ପଟାସ ସାର ପ୍ରୟୋଗ କରନ୍ତୁ । ଜମି ରେ ଜିଙ୍କ ଅଣୁସାର ର ଅଭାବ ଦେଖା ଦେଉଥିଲେ ପ୍ରତି ୩ ବର୍ଷରେ ଏକର ପ୍ରତି ୧୦ କିଲୋଗ୍ରାମ ଜିଙ୍କ ସଲଫେଟ ୨୧ ଶତକଡା ଅଣୁସାର କୁ ଶେଷ କାଦୁଅ କରିବା ସମୟ ରେ ପ୍ରୟୋଗ କରନ୍ତୁ। ଗଜା ଧାନ କୁ ଛଟା ବୁଣା କରନ୍ତୁ କିମ୍ବା ଡ୍ରମ ସିଡର ସାହାର୍ଯ୍ୟ ରେ ବୁଣନ୍ତୁ ।

### ଚିନାବାଦାମ:

ଜଉ ପୋକ ଓ ପତ୍ର ଉକୁଣି ପୋକ-

ଚିନାବାଦାମ ଫସଲରେ ପ୍ରାଥମିକ ଅବସ୍ଥାରେ ଜଉ ପୋକ ଓ ପତ୍ର ଉକୁଣି ପୋକ ର ଆକ୍ରମଣ କମ ଦେଖା ଦେଉଥିଲେ ଏକର ପ୍ରତି ୧ ଲିଟର ନିମ୍ବ ଆଧାରିତ କୀଟନାଶକ ୩୦୦ PPM କୁ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । ପୋକ ଆକ୍ରମଣ ଅଧିକ ଦେଖା ଦେଲେ ରାସାୟନିକ ଉପାୟରେ ପରିଚାଳନା ପାଇଁ ଏକର ପ୍ରତି ୪୦ ଗ୍ରାମ Thiamethoxam ନାମକ କୀଟନାଶକ କିମ୍ବା ୫୦ମିଲି Imidacloprid ନାମକ ୨୦୦ ଲିଟର ପାଣି ରେ ମିଶାଇ ସିଂଚନ କରନ୍ତୁ ।

### ମୁଗ ଓ ବିରି :

ସାହେବୀ ରୋଗ

ବର୍ତମାନ ସମୟରେ ମୁଗ ଓ ବିରି ଫସଲ ରେ ସାହେବୀ ରୋଗ ଲାଗିବାର ସମ୍ଭାବନା ଅଛି । ଧଳା ମାଛି, ସାହେବୀ ରୋଗ ର ବାହକ ଅଟେ । ଧଳା ମାଛି ର ନିୟନ୍ତ୍ରଣ ପାଇଁ ଏକର ପ୍ରତି triazophos @ ୪୦୦ ମିଲି କିମ୍ବା Acetamipride @ ୪୦ ଗ୍ରାମ,

୨୦୦ ଲିଟର ପାଣି ରେ ମିଶାଇ ସିଂଚନ କରନ୍ତୁ।

**ଆଖୁ:**

ଆଖୁ ଅମଳ ପାଇଁ ହାତ ବ୍ରିକ୍ସ ମିଟର ସାହାର୍ଯ୍ୟ ରେ ପରୀକ୍ଷା କରି ବ୍ରିକ୍ସ ମୂଲ୍ୟାଙ୍କ ୧୮ କିମ୍ବା ଅଧିକ ହେଲେ ଅମଳ କରିବା ଉଚିତ। ଆଖୁ ଫସଲକୁ ଜମି ପତ୍ତନ ଠାରୁ ଏକ ଇଞ୍ଚ ତଳକୁ, ଯେପରିକି ମାଟି ଉପରକୁ ଖୁଣ୍ଟା ଦେଖାଯିବ ନାହିଁ, ସେହିପରି କାଟିଲେ ମୂଳି ଆଖୁ ରେ ଗଜା ହୁଏ, ଗଛ ସଂଖ୍ୟା ଠିକ ରହେ ଓ ଅମଳ ଠିକ ମିଳେ । ଆଖୁ ଅମଳ ପରେ ପେଡିବା ଡେରି କଲେ ଆଖୁର ଓଜନ କମିବା ସହିତ ଶକବରା ଅଂଶ କମିଯାଇଥାଏ।

**ସୋରିଷ:**

ଆଗରୁ ବୁଣା ଯାଇଥିବା ସୋରିଷ ଫସଲରେ ଜଉ ପୋକ ଲାଗି ବାର ସମ୍ଭାବନା ଅଛି। ପ୍ରାଥମିକ ଅବସ୍ଥାରେ ଜଉ ପୋକ ର ପରିଚାଳନା ପାଇଁ ଏକର ପ୍ରତି 8-ଟି ହଳଦିଆ ଅଠାଯୁକ୍ତ ଯନ୍ତା ରଖନ୍ତୁ । ଜଉ ପୋକର ରାସାୟନିକ ପରିଚାଳନା ପାଇଁ ଏକର ପ୍ରତି 40-ଗ୍ରାମ Thiamethoxam ନାମକ କୀଟନାଶକ ଯାହାକି Actara ବା Areva ନାମରେ ମିଳୁଛି କିମ୍ବା 50-ଗ୍ରାମ Acetamiprid ନାମକ କୀଟନାଶକ ଯାହାକି Dhanpreet ବା Manik ନାମରେ ମିଳୁଛି, 200-ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ ।

**ଟମାଟୋ:**

ଧଳାମାଛି

ଧଳା ମାଛି କୁ ଆକୃଷ୍ଟ କରିବା ପାଇଁ ଏକର ପ୍ରତି ୮ ରୁ ୧୦ ଟି ହଳଦିଆ ଅଠା ଯନ୍ତା ବ୍ୟବହାର କରନ୍ତୁ । ପ୍ରାଥମିକ ଅବସ୍ଥାରେ ଏହି ପୋକର ପରିଚାଳନା ପାଇଁ ଏକର ପ୍ରତି ୬୦୦ ମିଲି ନିମ୍ବ ଆଧାରିତ କୀଟନାଶକ ୧୫୦୦ PPM Azadirachtin କୁ ୨୦୦ ଲିଟର ପାଣି ରେ ମିଶାଇ ସିଂଚନ କରନ୍ତୁ । ରାସାୟନିକ ଉପାୟରେ ଟମାଟୋ ଫସଲରେ ଧଳାମାଛି ର ପରିଚାଳନା ପାଇ ଏକର ପ୍ରତି ୪୦ ଗ୍ରାମ Thiamethoxam ନାମକ କୀଟନାଶକ କିମ୍ବା ୨୦୦ ମିଲି Pyriproxifen ନାମକ କୀଟନାଶକ କିମ୍ବା ୨୫୦ ମିଲି Spiromesifen ନାମକ କୀଟନାଶକ ୨୦୦ ଲିଟର ପାଣି ରେ ମିଶାଇ ସିଂଚନ କରନ୍ତୁ ।

**ଲଙ୍କାମରିଚ:**

ଅଷ୍ଟପଦୀ ପୋକ

ଲଙ୍କାମରିଚ ଫସଲରେ ଅଷ୍ଟପଦୀ ର ପରିଚାଳନା ପାଇଁ ଏକର ପ୍ରତି ୬୦୦ ମିଲି Ethion ନାମକ କୀଟନାଶକ କିମ୍ବା ୨୦୦ ମିଲି Spiromesifen ନାମକ କୀଟନାଶକ କିମ୍ବା ୬୦୦ ମିଲି Propargite ନାମକ କୀଟନାଶକ, ୨୦୦ଲିଟର ପାଣି ରେ ମିଶାଇ ସିଂଚନ କରନ୍ତୁ ।

**ଆଳୁ:**

ଆଳୁ ବିହନ ଲଗାଇବାର ୨୧ ଦିନ ପରେ ଘାସ ବାଛି କୋଡାଖୁସା କରନ୍ତୁ । ଗଛ ଠାରୁ ୩ ରୁ ୪ ସେମି ବ୍ୟବଧାନ ରେ ୨ ପାର୍ଶ୍ୱ ରେ ୨ ରୁ ୩ ସେମି ଗଭୀର ରେ ୨୬ କେଜି ୟୁରିୟା ଓ ୨୦ କେଜି ଏମ.ଓ.ପି କୁ ପ୍ରୟୋଗ କରି ମାଟି ଟେକି ଦିଅନ୍ତୁ । ଆଳୁ ରେ କଟା ପୋକ ଓ ପତ୍ର ଖିଆ ପୋକ ର ନିୟନ୍ତ୍ରଣ ପାଇଁ ଏକର ପ୍ରତି chlorpyriphos @ ୪୦୦ ମିଲି, ୨୦୦ ଲିଟର ପାଣି ରେ ମିଶାଇ ସିଂଚନ କରନ୍ତୁ ।

**ପିଆଜ**

ପିଆଜ ତଳିଗୁଡକି ୧୨ ରୁ୧୫ ସେ.ମି. ଉଚ୍ଚା କିମ୍ବା ୮ ସପ୍ତାହର ହୋଇଗଲେ ମୁଖ୍ୟ ଜମିରେ ଲଗାନ୍ତୁ । ପିଆଜ ତଳି ରୋଇବା ପୂର୍ବ ରୁ ଏକର ପ୍ରତି ୧୦ ଟନ ଶଢା ଗୋବର ଖତ ବା କମ୍ପୋଷ୍ଟ, ୫୨ କିଲୋଗ୍ରାମ ଡିଏପି, ୨୦ କିଲୋଗ୍ରାମ ୟୁରିଆ , ୩୦ କିଲୋଗ୍ରାମ ମ୍ୟୁରେଟ ଅଫ ପଟାସ ସାର ଏବଂ ୨୦ କିଲୋଗ୍ରାମ Sulphur ପ୍ରୟୋଗ କରି ମାଟିରେ ଭଲ ଭାବରେ ମିଶାଇ ଦିଅନ୍ତୁ । ଧାଡି କୁ ଧାଡି ୧୫ ସେ.ମି. ଏବଂ ଗଛ କୁ ଗଛ ୧୦ ସେ.ମି. ବ୍ୟବଧାନ ରଖି ଉପର ବେଳା ତଳି ରୋପଣ କରନ୍ତୁ ।

**ବାଇଗଣ:**

ଧଳାମାଛି

ଧଳା ମାଛି କୁ ଆକୃଷ୍ଟ କରିବା ପାଇଁ ଏକର ପ୍ରତି ୮ ରୁ ୧୦ ଟି ହଳଦିଆ ଅଠା ଯନ୍ତା ବ୍ୟବହାର କରନ୍ତୁ । ପ୍ରାଥମିକ ଅବସ୍ଥାରେ ଏହି ପୋକର ପରିଚାଳନା ପାଇଁ ଏକର ପ୍ରତି ୬୦୦ ମିଲି ନିମ୍ବ ଆଧାରିତ କୀଟନାଶକ ୧୫୦୦ PPM Azadirachtin କୁ ୨୦୦ ଲିଟର ପାଣି ରେ ମିଶାଇ ସିଂଚନ କରନ୍ତୁ । ରାସାୟନିକ ଉପାୟରେ ଫସଲରେ ଧଳାମାଛି ର ପରିଚାଳନା ପାଇ ଏକର ପ୍ରତି ୪୦ ଗ୍ରାମ Thiamethoxam ନାମକ କୀଟନାଶକ କିମ୍ବା ୨୦୦ ମିଲି Pyriproxifen ନାମକ କୀଟନାଶକ କିମ୍ବା ୨୫୦ ମିଲି

Spiromesifen ନାମକ କୀଟନାଶକ ୨୦୦ ଲିଟର ପାଣି ରେ ମିଶାଇ ସିଂଚନ କରନ୍ତୁ ।

**ବନ୍ଧା କୋବି:**

ବନ୍ଧା କୋବି ରେ ବର୍ତମାନ ପତ୍ର ଛନ୍ଦା ପୋକ ଓ ଧୂଆଁ ପତ୍ର ଗୋଟି ପୋକ ଲାଗିବାର ସମ୍ଭାବନା ଅଛି । ଏହାର ନିୟନ୍ତ୍ରଣ ପାଇଁ ଏକର ପ୍ରତି ୬୦୦ ମିଲି ନିମ୍ବ ଆଧାରିତ କୀଟନାଶକ ୧୫୦୦ ପିପିଏମ କୁ ୨୦୦ ଲିଟର ପାଣି ରେ ମିଶାଇ ସିଂଚନ କରନ୍ତୁ। ପରେ Emamectin benzoate @ ୭୦ ଗ୍ରାମ କୁ ୨୦୦ ଲିଟର ପାଣି ରେ ମିଶାଇ ସିଂଚନ କରନ୍ତୁ।

**ଗେଣ୍ଡୁ:**

ଜୈବିକ ଉପାୟରେ ପତ୍ରଖିଆ ପୋକ ର ପରିଚାଳନା ପାଇଁ ଏକର ପ୍ରତି ୬ ଟି ଲେଖା ସଂଘ ଆକର୍ଷକ Pheromone ଯନ୍ତା Spodolure ବ୍ୟବହାର କରନ୍ତୁ କିମ୍ବା ଏକର ପ୍ରତି ୫ ଟି ଆଲୋକ ଯନ୍ତା ବସାନ୍ତୁ। ଏକର ପ୍ରତି ୫୦୦ ଗ୍ରାମ Bacillus Thuringiensis କିମ୍ବା ୧ କିଲୋଗ୍ରାମ Beauveria bassiana କୁ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । ରସାୟନିକ ଉପାୟରେ ଏହି କୀଟର ପରିଚାଳନା ପାଇଁ ଏକର ପ୍ରତି ୪୦୦ ମି.ଲି Chlorpyriphos ଓ Cypermethrin ର ମିଳିତ କୀଟନାଶକ କିମ୍ବା ୩୦୦ ମି.ଲି Lambda Cyhalothrin ନାମକ କୀଟନାଶକ, ୨୦୦- ଲିଟର ପାଣିରେ ମିଶାଇ, ଉପରବେଳା ସିଂଚନ କରନ୍ତୁ।

**ଗୋଲାପ:**

ଗୋଲାପ ଗଛ ରେ ଉକୁଣିଆ ପୋକ ଆକ୍ରମଣ ଦେଖାଦେଲେ ପ୍ରତି ଲିଟର ପାଣିରେ **Fenpyroximate ୫% EC** @ ୨ ମିଲି କିମ୍ବା **Abamactin** @ ୧ ମିଲି ମିଶାଇ ସିଞ୍ଚନ କରନ୍ତୁ ।

**ପଶୁ ସମ୍ପଦ:**

ଗାଈଗୋରୁ ମାନଙ୍କୁ FMD, Haemorrhagic Septicaemia, Black Quarter, Enterotoxemia ଆଦି ରୋଗ ପାଇଁ ଟୀକା କାରଣ କରନ୍ତୁ । ଶୀତ ଋତୁ ରେ ଗାଈଗୋରୁ ମାନଙ୍କ ପାଇଁ ପର୍ଯ୍ୟାପ୍ତ ଗୋଖାଦ୍ୟ ଓ ଘାସ ସାଇତି ରଖନ୍ତୁ ।

**କୁକୁଡା:**

ବର୍ତମାନ ତାପମାତ୍ରା କମ ରହୁଥିବା ରୁ କୁକୁଡା ଘରେ ତାପମାତ୍ରା ନିୟନ୍ତ୍ରଣ ରଖିବା ନିହାତି ଜରୁରୀ । ତେଣୁ ତାପମାତ୍ରା ନିୟନ୍ତ୍ରଣ କରିବା ପାଇଁ କୁକୁଡା ଗୃହ ରେ ଇଲେକଟ୍ରିକ ବଲବ କିମ୍ବା ହିଟର ଲଗାନ୍ତୁ ଓ ପୋଲିଥିନ କିମ୍ବା ଝୋଟ ଅଖା ଦ୍ଵାରା ଆଚ୍ଛାଦିକରଣ କରନ୍ତୁ ।


ତୁଷାର ରଞ୍ଜନ ମହାନ୍ତି

ନୋଡାଲ୍ ଅଫିସର,

ଗ୍ରାମୀଣ କୃଷି ମୌସମ ସେବା,ଓ.ୟୁ.ଏ.ଟି

ଅଧ୍ୟକ୍ଷ, ଗବେଷଣା ନିର୍ଦ୍ଦେଶାଳୟ,

ଓଡ଼ିଶା କୃଷି ଓ ବୈଷିୟିକ ବିଶ୍ୱବିଦ୍ୟାଳୟ


ଚାଷରେ ଅଧିକ ଲାଭବାନ ହେବା ପାଇଁ ଓୟୁଏଟି କଳିଙ୍ଗ ଉତ୍ପାଦ (ଚାରା, QPM, ଟିସୁ କଲଚର ଗଛ, ଫଳ ଓ ପନିପରିବା, ଯାଆଁଳ, କୁକୁଡା ଚିଆଁ, ଛତୁ, ଛତୁ ମଞ୍ଜି, ଜୈବିକ ସାର, ଜୈବିକ କୀଟନାଶକ, ଜିଆ ଖତ, କୃଷି ଯନ୍ତ୍ରପାତି ଇତ୍ୟାଦି ) ବ୍ୟବହାର କରନ୍ତୁ ।

ଭାରତୀୟ ପାଣିପାଗ ବିଭାଗର ପୂର୍ବନୁମାନ ଓ ପାଣିପାଗ ଭିତିକ କୃଷି ସୂଚନା ନିମନ୍ତେ ଅଧିକ ବିବରଣୀ ପାଇଁ MEGHDOOT ମୋବାଇଲ ଆପ ବ୍ୟବହାର କରନ୍ତୁ ।

(Android: https://play.google.com/store/apps/details?id=com.aas.meghdoot)

(iOS: https://apps.apple.com/in/app/meghdoot/id1474048155)